The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 44 CUTTACK, FRIDAY, JANUARY 1, 2016/PAUSA 11, 1937**

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 20 ନଭେମ୍ବର 2015

ସଂଖ୍ୟା 32015—RDM-LAB-NPD-0073/2012-ରାବିପ.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ କୋଟଲାଭଟା କ୍ଷୁଦ୍ର ଜଳସେଚନ ପ୍ରକଳ୍ପ ନିମନ୍ତେ, ସରକାର, ସରକାରୀ ବ୍ୟୟରେ ମୌଜା ଜାମୁପାଣି, ଥାନା ସିନାପାଲି, ତହସିଲ ସିନାପାଲି, ଜିଲ୍ଲା ନୂଆପଡ଼ାରେ ତୁରନ୍ତ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ; ତେଣୁ ଏତଦ୍ଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 2.68 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894 ର ଅଧିନିୟମ 1ର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 51922-ରାବିପ., ତା 30 ନଭେମ୍ବର 2012 ରିଖ ଏବଂ ରାଜପତ୍ର ସଂଖ୍ୟା 2310, ତା 14 ଡିସେମ୍ବର 2012 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଭୂମିର ଏକ ନକ୍ସା, ନୂଆପଡ଼ା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟ ଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ସୁଦର୍ଶନ ପଣ୍ଡା**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1345—173+20